# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 3224 CUTTACK, SATURDAY, SEPTEMBER 6, 2025/BHADRA 15, 1947**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

### ସାମାଜିକ ପ୍ରଭାବ ନିର୍ଦ୍ଧାରଣ ନିମନ୍ତେ ଅଧିସୂଚନା

The 7th August 2025

**S.R.O. No. 755**/2025—ରାଜ୍ୟ ସରକାର, ପ୍ରଭାବିତ କ୍ଷେତ୍ର ଜିଲ୍ଲାପାଳ ରାୟଗଡାଙ୍କ ଅନୁରୋଧକ୍ରମେ ନିମ୍ନଲିଖିତ ଭୂମି ଅଧିଗ୍ରହଣ କରିବାକୁ ଚାହୁଁଛନ୍ତି ଏବଂ ସେଥି ନିମନ୍ତେ ସର୍ବସାଧାରଣ ଉଦ୍ଦେଶ୍ୟରେ ପ୍ରଭାବିତ ଅଞ୍ଚଳରେ ସାମାଜିକ ପ୍ରଭାବ ନିର୍ଦ୍ଧାରଣ (Social Impact Assessment) ସର୍ବେକ୍ଷଣ କରିବାକୁ ଚାହୁଁଛନ୍ତି । ଭୂମି ଅର୍ଜ୍ଜନ, ପୁନର୍ବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଚ୍ଛତା ଅଧିକାର ଆଇନ -୨୦୧୩ର ଧାରା ୪ ଅନୁଯାୟୀ ଉକ୍ତ ସର୍ବେକ୍ଷଣ କରାଯିବ ।

**୧. ପ୍ରକଳ୍ପ ବିକାଶକାରୀଙ୍କ ନାମ:-** Chief General Manager(Land), IDCO, Bhubneswar.

**୨. ପ୍ରସ୍ତାବିତ ଭୂମି ଅଧିଗ୍ରହଣର ଉଦ୍ଦେଶ୍ୟ:**- Construction of Approach Road from Sijimali Bauxite Mines Top to SH-44 for facilitating Bauxite Transportation.

**୩. SIA ସର୍ବେକ୍ଷଣ ଅନୁଷ୍ଠାନ**:- **M/s AMROOSHA, Bhubaneswar** an empanelled agency under Nabakrushna Choudhary Centre for Development Studies, Bhubaneswar.

**୪. SIA study କରୁଥିବା ଅନୁଷ୍ଠାନର ଯୋଗାଯୋଗ ସୂଚନା**:-Nabakrushna Choudhary Centre for Development Studies, Bhubaneswar, Phone No.0674 2300471, 2301094.

**୫. ପ୍ରକଳ୍ପ ପାଇଁ ରାୟଗଡା ଜିଲ୍ଲାରେ ପ୍ରସ୍ତାବିତ ଭୂମି ଅଧିଗ୍ରହଣର ବିବରଣୀ /ତଫସିଲ**

| କ୍ର.ନଂ | ତହସିଲ | ଗ୍ରାମ | ବେସରକାରୀ ଜମି | ସରକାରୀ ଜମି | ମନ୍ତବ୍ୟ |
|---|---|---|---|---|---|
| ୧ | କାଶୀପୁର | ଡୁମେରପଦର | ଏ.୦.୩୯୬ | ୦ | - |
| | ମୋଟ | | ଏ.୦.୩୯୬ | | |

ଏଥିସହିତ ଭୂମି ଅନୁସୂଚୀ ସଂଲଗ୍ନ କରାଯାଇଅଛି ।

**(କ) ପ୍ରସ୍ତାବିତ ପ୍ରକଳ୍ପର ସଂକ୍ଷିପ୍ତ ବିବରଣୀ:-**ରାୟଗଡା ଜିଲ୍ଲା କାଶୀପୁର ତହସିଲ ଅନ୍ତର୍ଗତ ୦୧ଗୋଟି ମୌଜା ଯଥା ଡୁମେରପଦର ଠାରେ ମୋଟ ଏ.୦.୩୯୬ ଘରୋଇ ଜମିରେ Construction of Approach Road from Sijimali Bauxite Mines Top to SH-44 for facilitating Bauxite Transportation ପ୍ରକଳ୍ପ ନିର୍ମାଣ ନିମନ୍ତେ, Chief General Manager(Land), IDCO, Bhubaneswar ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

**(ଖ) SIA ସର୍ବେକ୍ଷଣରେ ଅନ୍ତର୍ଭୁକ୍ତ ପ୍ରକଳ୍ପ ଅଞ୍ଚଳ ଏବଂ ପ୍ରକଳ୍ପ ପ୍ରଭାବିତ ଅଞ୍ଚଳ :-** ରାୟଗଡା ଜିଲ୍ଲାରେ ଉପରୋକ୍ତ ୦୧ ଗୋଟି ମୌଜାରେ ଏ. ୦.୩୯୬ ଘରୋଇ ଜମି ଅନ୍ତର୍ଭୁକ୍ତ । ପ୍ରକଳ୍ପ ପ୍ରଭାବିତ ଜମିର ବିସ୍ତୃତ ତାଲିକା/ତଫସିଲ SIA ସର୍ବେକ୍ଷଣ ଅନ୍ତେ ମିଳିପାରିବ ।

**(ଗ) ଗ୍ରାମସଭା / ଭୂମି ମାଲିକଙ୍କ ସହମତି ଆବଶ୍ୟକ କି ?** ଯଦି ଏହି ଅଧିଗ୍ରହଣ ଘରୋଇ କମ୍ପାନୀଙ୍କ ପାଇଁ ହେଉଥାଏ ତେବେ ୮୦ ପ୍ରତିଶତ ପ୍ରଭାବିତ ପରିବାରଙ୍କ ପୂର୍ବ ସମ୍ମତି ଆବଶ୍ୟକ ପଡ଼ିବ ଏବଂ ଯଦି ସରକାରୀ ବେସରକାରୀ ଭାଗିଦାରୀ ପ୍ରକଳ୍ପ ନିମନ୍ତେ ଏହି ଅଧିଗ୍ରହଣ ହେଉଥାଏ ତେବେ ୭୦ପ୍ରତିଶତ ପ୍ରଭାବିତ ପରିବାରଙ୍କ ପୂର୍ବ ସମ୍ମତି ଆବଶ୍ୟକ ପଡ଼ିବ ।

**(ଘ) SIA ସର୍ବେକ୍ଷଣର ପ୍ରାଥମିକ ଉଦ୍ଦେଶ୍ୟ ଏବଂ ମୁଖ୍ୟ କାର୍ଯ୍ୟାବଳୀ** :- ସର୍ବସାଧାରଣ ଉଦ୍ଦେଶ୍ୟ ନିର୍ଦ୍ଧାରଣ ପ୍ରଭାବିତ ଅଞ୍ଚଳରେ ଥିବା ସମସ୍ତ ଗ୍ରାମବାସୀଙ୍କ ପରାମର୍ଶ କ୍ରମେ SIA ସର୍ବେକ୍ଷଣ କରାଯିବ। SIA ସର୍ବେକ୍ଷଣ କ୍ଷେତ୍ର ପରିଦର୍ଶନ, ପ୍ରଭାବିତ ବ୍ୟକ୍ତିଙ୍କ ସାମୁହିକ ଆଲୋଚନା ଏବଂ ପ୍ରଭାବିତ ବ୍ୟକ୍ତିଙ୍କ ମତାମତ ଚୁଡାନ୍ତ ରିପୋର୍ଟରେ ସ୍ଥାନିତ ହେବ । ପ୍ରଭାବିତ ଅଞ୍ଚଳରେ ଜନଶୁଣାଣି ପ୍ରକ୍ରିୟା ନିମନ୍ତେ ଓଡିଶା ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ନିୟମାବଳୀ ୨୦୧୬ର ନିୟମ-୧୪ ଦ୍ରଷ୍ଟବ୍ୟ ।

(ଙ) SIA ସର୍ବେକ୍ଷଣ ଆରମ୍ଭ ଏବଂ ସମାପନ ରିପୋର୍ଟ ପ୍ରଦାନ ଏବଂ ତାହାର ପ୍ରକାଶନ ସରକାରୀ ବିଜ୍ଞପ୍ତି ପ୍ରକାଶିତ ଦିବସଠାରୁ ୩୦ ଦିନ ମଧ୍ୟରେ SIA ସର୍ବେକ୍ଷଣ ସମାପନ କରାଯିବ । SIA ସର୍ବେକ୍ଷଣ ରିପୋର୍ଟ ସମ୍ପୃକ୍ତ ପ୍ରଭାବିତ ପଞ୍ଚାୟତ /ଗ୍ରାମ/ୱାର୍ଡ ସ୍ତରରେ ସ୍ଥାନୀୟ ଭାଷାରେ ପ୍ରକାଶନ କରାହେବ । ତତସହିତ ଜିଲ୍ଲାପାଳ, ଉପଜିଲ୍ଲାପାଳ ଏବଂ ବ୍ଲକ ମହକୁମାରେ ପ୍ରକାଶନ କରାଯିବ ଏବଂ ସର୍ବସାଧାରଣଙ୍କ ଗୋଚରାର୍ଥେ ସରକାରଙ୍କ ୱେବସାଇଟରେ ସୂଚିତ ହେବ ।

# ଭୂମି ଅନୁସୂଚି

ପ୍ରକଳ୍ପର ନାମ : Construction of Approach Road from Sijimali Bauxite Mines to nearest SH-44 for facilitating Bauxite Transportation by M/s Vedanta Ltd. in Rayagada District.

ମୌଜା : ଡୁମେରପଦର

ପ୍ରସ୍ତାବିତ ଅଧିକୃତ ରକବା : ଏ. 0.୩୯୬ଡି.

ଥାନା : କାଶୀପୁର

ତହସିଲ : କାଶୀପୁର

ଜିଲ୍ଲା : ରାୟଗଡା

| କ୍ରମିକ ସଂଖ୍ୟା | ଖାତାନ ମ୍ବର | ପ୍ଲଟ ନମ୍ବର | ମୋଟ ରକବା (ଏକର) | ପ୍ରସ୍ତାବିତ ଅଧିକୃତ ରକବା (ଏକର) | କିସମ | ପ୍ରଜାର ନାମ, ପିତାର ନାମ, ଜାତି ଓ ବାସସ୍ଥାନ |
|---|---|---|---|---|---|---|
| ୧ | ୪୪ | ୩୭୭/୪୩୭ | ୨.୧୩୦ | ଏ. 0.୩୯୬ଡି. | ଡଙ୍ଗର | ଜୟ ମାଝୀ ପି : ସମଦୁ ମାଝୀ ଜା : କନ୍ଧ ବା : ନିଜଗାଁ |
| | | ମୋଟ | | ଏ. 0.୩୯୬ଡି. | | |

[No. 29722—RDM-LAB-RGD-0001/2025-R&DM]

ରାଜ୍ୟପାଳଙ୍କ ଆଦେଶାନୁସାରେ
ମଧୁସ୍ମିତା ସାହୁ
ଅତିରିକ୍ତ ଶାସନ ସଚିବ

Printed and Published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2434—173+25